# ବି.ଏସ୍.କେ.ୱାଇ
# ନବୀନ କାର୍ଡ



" ପ୍ରତିଟି ଜୀବନ ମୂଲ୍ୟବାନ "

ମୁଖ୍ୟମନ୍ତ୍ରୀ, ଓଡ଼ିଶା




## ବର୍ତ୍ତମାନ ସୁଦ୍ଧା ବି.ଏସ୍.କେ.ୱାଇ କାର୍ଡ ଅନ୍ତର୍ଭୁକ୍ତ ପରିବାରମାନଙ୍କ ପାଇଁ

- ବର୍ତ୍ତମାନ ସୁଦ୍ଧା ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା (ବି.ଏସ୍.କେ.ୱାଇ) ଓ ରେସନ୍ କାର୍ଡ ଅନ୍ତର୍ଭୁକ୍ତ ପରିବାରମାନଙ୍କ ନିମନ୍ତେ କାର୍ଡ ପାଇବା ପାଇଁ ଥିବା ଯୋଗ୍ୟତା ଏବଂ ମିଳୁଥିବା ଚିକିତ୍ସା ସହାୟତା ଆଦି ସର୍ତ୍ତରେ କୌଣସି ପରିବର୍ତ୍ତନ ହେବ ନାହିଁ । ସେମାନେ ବି.ଏସ୍.କେ.ୱାଇ ନବୀନ କାର୍ଡ ନିମନ୍ତେ ଆବେଦନ କରିବା ଆବଶ୍ୟକ ନାହିଁ ।
- ଜାତୀୟ ଖାଦ୍ୟ ନିରାପତ୍ତା ବା ରାଜ୍ୟ ଖାଦ୍ୟ ନିରାପତ୍ତା ଯୋଜନାରେ ନୂଆ ଭାବେ ଅନ୍ତର୍ଭୁକ୍ତ ହେଉଥିବା ହିତାଧିକାରୀମାନେ ବର୍ତ୍ତମାନ ଚାଲୁ ରହିଥିବା ବି.ଏସ୍.କେ.ୱାଇରେ ସ୍ୱତଃ ଅନ୍ତର୍ଭୁକ୍ତ ହେବେ ।
- ବି.ଏସ୍.କେ.ୱାଇ ହିତାଧିକାରୀମାନେ ପୂର୍ବପରି ଘରୋଇ ହସ୍ପିଟାଲମାନଙ୍କରେ ସବୁ ପ୍ରକାର ରୋଗର ଦେୟମୁକ୍ତ ଚିକିତ୍ସା ପାଇପାରିବେ ।

## ବି.ଏସ୍.କେ.ୱାଇ ନବୀନ କାର୍ଡର ପ୍ରାବଧାନ

- ବର୍ତ୍ତମାନ ବି.ଏସ୍.କେ.ୱାଇ ଅନ୍ତର୍ଭୁକ୍ତ ହୋଇନଥିବା ସବୁ ଗ୍ରାମୀଣ ପରିବାର (ନିୟମିତ ସରକାରୀ କର୍ମଚାରୀ, ପେନସନଧାରୀ ଏବଂ ଆୟକର ଦାତାଙ୍କ ବ୍ୟତୀତ) ବି.ଏସ୍.କେ.ୱାଇ ନବୀନ କାର୍ଡ ପାଇଁ ଯୋଗ୍ୟ ବିବେଚିତ ହେବେ ।
- ବି.ଏସ୍.କେ.ୱାଇ ନବୀନ କାର୍ଡ ହିତାଧିକାରୀମାନେ ତାଲିକାଭୁକ୍ତ ଘରୋଇ ହସ୍ପିଟାଲମାନଙ୍କରେ ନିର୍ଦ୍ଧାରିତ ଗୁରୁତର (କ୍ରିଟିକାଲ) ରୋଗ ଗୁଡ଼ିକର ଦେୟମୁକ୍ତ ଚିକିତ୍ସା ପାଇବେ । ହୃଦ୍ ରୋଗ, କିଡନୀ ରୋଗ, ଲିଭର ରୋଗ, ବ୍ରେନ୍ ଷ୍ଟ୍ରୋକ, ଗମ୍ଭୀର ମସ୍ତିଷ୍କ କ୍ଷତ, ବ୍ରେନ୍ ଟ୍ୟୁମର, ପୋଡାଜଳା ଆହତ, ସ୍ନାୟୁ, ମାଂସପେଶୀ ଏବଂ କ୍ୟାନ୍ସର ରୋଗ ଆଦିକୁ ଗୁରୁତର ( କ୍ରିଟିକାଲ ) ରୋଗ ଅନ୍ତର୍ଭୁକ୍ତ କରାଯାଇଛି । ବି.ଏସ୍.କେ.ୱାଇ ନବୀନ କାର୍ଡ ଧାରୀ ବ୍ୟକ୍ତିମାନେ ଓଡ଼ିଶା ଏବଂ ଓଡ଼ିଶା ବାହାର ଅନ୍ତର୍ଭୁକ୍ତ ହସ୍ପିଟାଲରେ ଏହିସବୁ ରୋଗର ଦେୟମୁକ୍ତ ଚିକିତ୍ସା ପାଇବେ ।
- ବି.ଏସ୍.କେ.ୱାଇ ନବୀନ କାର୍ଡରେ ପ୍ରତି ପରିବାର ପାଇଁ ବାର୍ଷିକ ୫ ଲକ୍ଷ ଟଙ୍କା, ଏବଂ ମହିଳା ସଦସ୍ୟମାନଙ୍କ ପାଇଁ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଦେୟମୁକ୍ତ ଚିକିତ୍ସା ପ୍ରାବଧାନ କରାଯାଇଛି ।
- ବି.ଏସ୍.କେ.ୱାଇ ନବୀନ କାର୍ଡ ମାଧ୍ୟମରେ ଏହି ସୁବିଧା ୨୦୨୪ ମସିହା ମେ ମାସ ୧ ତାରିଖ ଠାରୁ ପ୍ରାପ୍ତ ହେବ ।

## ବି.ଏସ୍.କେ.ୱାଇ ନବୀନ କାର୍ଡରେ ପଞ୍ଜୀକରଣ ପାଇଁ ଯୋଗ୍ୟତା ଓ ପ୍ରକ୍ରିୟା

**ଏହି କାର୍ଡ ନିମନ୍ତେ ପଞ୍ଜୀକରଣ ପାଇଁ ଏକ ପରିବାରର ସମସ୍ତ ସଦସ୍ୟ ନିମ୍ନ ସର୍ତ୍ତାବଳୀ ପୁରଣ କରୁଥିବା ଆବଶ୍ୟକ:**

- ସେମାନେ ସମସ୍ତେ ଗ୍ରାମାଞ୍ଚଳରେ ବସବାସ କରୁଥିବେ ।
- କୌଣସି ସଦସ୍ୟ ୨୦୨୨-୨୩ ଆର୍ଥିକ ବର୍ଷରେ ଆୟକର ଦାତା ହୋଇନଥିବେ ।
- କୌଣସି ସଦସ୍ୟ ନିୟମିତ ସରକାରୀ କର୍ମଚାରୀ କିମ୍ବା ପେନ୍ ସନ୍ ଭୋଗୀ ହୋଇନଥିବେ ।
- କୌଣସି ସଦସ୍ୟ ବର୍ତ୍ତମାନ ଚାଲୁଥିବା ବି.ଏସ୍.କେ.ୱାଇ କାର୍ଡ / ରେସନ୍ କାର୍ଡ ଅନ୍ତର୍ଭୁକ୍ତ ହୋଇନଥିବେ ।

## ପଞ୍ଜୀକରଣ ପାଇଁ ଆବଶ୍ୟକୀୟ କାଗଜପତ୍ର

- ପରିବାରର ମୁଖ୍ୟଙ୍କ ନାମରେ ପଞ୍ଜୀକରଣ ହେବା ଆବଶ୍ୟକ ।
- ଗୋଟିଏ ପରିବାରର ୧୮ ବର୍ଷରୁ ଉର୍ଦ୍ଧ୍ୱ ଯେକୌଣସି ସଦସ୍ୟ ବି.ଏସ୍.କେ.ୱାଇ ନବୀନ କାର୍ଡ ନିମନ୍ତେ ପରିବାର ପକ୍ଷରୁ ଆବେଦନ କରିପାରିବେ ।
- ଦରଖାସ୍ତକାରୀଙ୍କର ସକ୍ରିୟ ମୋବାଇଲ ନମ୍ବର ସଂଯୁକ୍ତ ବିଧିସିଦ୍ଧ ଆଧାର କାର୍ଡ ଥିବା ଆବଶ୍ୟକ ।
- ଦରଖାସ୍ତକାରୀଙ୍କ ପାଇଁ ଆଧାର ଭିତ୍ତିକ ଇ- କେ.ୱାଇ.ସି ବାଧ୍ୟତାମୂଳକ ।
- ୧୮ ବର୍ଷରୁ ଉର୍ଦ୍ଧ୍ୱ ସବୁ ସଦସ୍ୟମାନଙ୍କର ଭୋଟ ପରିଚୟ ପତ୍ର ଥିବା ଆବଶ୍ୟକ ।
- ଗୁରୁତ୍ୱପୂର୍ଣ୍ଣ ଯୋଗାଯୋଗ ନିମନ୍ତେ ପରିବାର ମୁଖ୍ୟଙ୍କର ବିଧିସିଦ୍ଧ ସକ୍ରିୟ ମୋବାଇଲ ନମ୍ବର ଥିବା ଆବଶ୍ୟକ ।
- ଦରଖାସ୍ତକାରୀ ଏବଂ ପରିବାର ମୁଖ୍ୟଙ୍କର ସଦ୍ୟତମ ଫଟୋ ।
- ୫ ବର୍ଷରୁ କମ ପିଲାଙ୍କ ସମେତ ସବୁ ସଦସ୍ୟମାନଙ୍କର ଆଧାର କାର୍ଡ ।
- ଯଦି ୫ ବର୍ଷରୁ କମ୍ କୌଣସି ପିଲାଙ୍କର ଆଧାର ନମ୍ବର ନଥାଏ ତେବେ ତା ୩୦.୬.୨୦୨୪ ରିଖ ସୁଦ୍ଧା ସମ୍ପୃକ୍ତ ପିଲାଙ୍କର ଆଧାର ନମ୍ବର ଦାଖଲ ନିମନ୍ତେ ପ୍ରତିଜ୍ଞା ପତ୍ର (ଅଣ୍ଡରଟେକିଂ) ଦିଆଯିବା ଆବଶ୍ୟକ ।

## ବି.ଏସ୍.କେ.ୱାଇ ନବୀନ କାର୍ଡ ପାଇଁ କେମିତି ଆବେଦନ କରିବେ

**ନବୀନ କାର୍ଡ ପାଇଁ ଉପରୋକ୍ତ ସର୍ତ୍ତାବଳୀ ପୂରଣ କରୁଥିବା ଯୋଗ୍ୟ ପରିବାର ୨ ଟି ଉପାୟରେ ଆବେଦନ କରିପାରିବେ**

**ସ୍ୱ-ପଞ୍ଜୀକରଣ:** ଦରଖାସ୍ତକାରୀ ***www.bskynabin.odisha.gov.in*** ସାଇଟ୍ କୁ ଯାଇ ନିଜେ ପଞ୍ଜୀକରଣ କରିପାରିବେ । ଆବଶ୍ୟକ ହେଲେ ଦରଖାସ୍ତକାରୀ ସହାୟତା କେନ୍ଦ୍ର (ହେଲ୍ପ-ଡେକ୍ସ) ର ବୈଷୟିକ ସହାୟତା ନେଇପାରିବେ ।

**ମୋ ସେବାକେନ୍ଦ୍ରରେ ପଞ୍ଜୀକରଣ:** ଦରଖାସ୍ତକାରୀ ମଧ ନିକଟବର୍ତ୍ତୀ ମୋ ସେବାକେନ୍ଦ୍ରରେ ବିନା ଦେୟରେ ପଞ୍ଜୀକରଣ କରିପାରିବେ ।

**ସମସ୍ତ ଦରଖାସ୍ତ କେବଳ ଅନଲାଇନ୍ ମାଧ୍ୟମରେ ଦାଖଲ ହେବ । କୌଣସି ଅଫଲାଇନ ବ୍ୟବସ୍ଥା ମାଧ୍ୟମରେ ଦରଖାସ୍ତ ଗ୍ରହଣ କରାଯିବ ନାହିଁ ।**

## କେବେ ଆବେଦନ କରିବେ

**ଆବେଦନ ପାଇଁ *www.bskynabin.odisha.gov.in* ପୋର୍ଟାଲ ତା ୬/୧/୨୦୨୪ ରିଖ ଦିନ ଖୋଲିବ ଏବଂ ତା ୧୬/୧/୨୦୨୪ ରିଖ ଦିନ ବନ୍ଦ ହେବ । ଏହି ସମୟ ମଧ୍ୟରେ ଅନଲାଇନ୍ ମାଧ୍ୟମରେ ଦରଖାସ୍ତ ଦାଖଲ ହେବା ଆବଶ୍ୟକ ।**

**ସମୟଉପଯୋଗୀ ଗୁଣାତ୍ମକ ସ୍ୱାସ୍ଥ୍ୟ ସେବା ଲକ୍ଷ୍ୟରେ ସରକାରୀ ଓ ବେସରକାରୀ ହସ୍ପିଟାଲମାନଙ୍କରେ ଉପଲବ୍ଧ ସୁବିଧାର ସର୍ବାଧିକ ଉପଯୋଗ ସହ ପର୍ଯ୍ୟାୟକ୍ରମେ ବି.ଏସ୍.କେ.ୱାଇ ପରିସରକୁ ସମ୍ପ୍ରସାରିତ କରାଯାଉଛି । ଓଡ଼ିଶାର ଜନସାଧାରଣଙ୍କ ପାଇଁ ସାର୍ବଜନୀନ ଗୁଣାତ୍ମକ ସ୍ୱାସ୍ଥ୍ୟସେବା ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କର ସ୍ୱପ୍ନ । ଏଥି ନିମନ୍ତେ ପରବର୍ତ୍ତୀ ସମ୍ପ୍ରସାରଣ ପର୍ଯ୍ୟାୟରେ ସହରାଞ୍ଚଳରେ ବାସ କରୁଥିବା ପରିବାର, ସରକାରୀ କର୍ମଚାରୀ, ପେନସନ ଭୋଗୀ ଏବଂ ଅନ୍ୟାନ୍ୟ ସହାୟତା-ଯୋଗ୍ୟ ବର୍ଗମାନଙ୍କୁ ସାମିଲ କରାଯିବା ପ୍ରସ୍ତାବ ଉପରେ ନୀତିଗତ ନିଷ୍ପତ୍ତି ନିଆଯାଇଛି ।**

## ହେଲ୍ପ-ଡେକ୍ସ ସହାୟତା

ଦରଖାସ୍ତ ପଞ୍ଜୀକରଣ ପ୍ରକ୍ରିୟା ସମ୍ବନ୍ଧିତ କୌଣସି ସହାୟତା, ଆପତ୍ତି ଓ ଅଭିଯୋଗ ଆଦି ନିମନ୍ତେ ଦରଖାସ୍ତକାରୀ ବି.ଏସ୍.କେ.ୱାଇ କାର୍ଡ ସହାୟତା ନମ୍ବର - ୧୫୫୩୬୯ କୁ ଫୋନ ମାଧ୍ୟମରେ ଯୋଗାଯୋଗ କରିପାରିବେ ।